# ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ର

■ ଭୁବନେଶ୍ୱର,୨୬।୭(ପିଏନଏସ)

ଅତିବଡ଼ୀ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ହେଉଛି ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ । ସଂସ୍କୃତ ଭାଷାର ଅନୁସୃଜନ ହୋଇଥିଲେ ସୁଦ୍ଧା ଏହା ମୂଳ ଭାଗବତଠାରୁ ଅଧିକ ଲୋକପ୍ରିୟ। ଭାଗବତ ଓଡ଼ିଆ ଜାତିର ଜୀବନ ବେଦ କହିଲେ ଅତ୍ୟୁକ୍ତି ହେବ ନାହିଁ । ଏହି ଅନବଦ୍ୟ କୃତି ଓଡ଼ିଆ ଭାଷା ସାହିତ୍ୟ, ସଂସ୍କୃତି ଓ ସମାଜର ମୂଳ ଆଧାର। ଜୀବନ, ମୃତ୍ୟୁ, ମୋକ୍ଷ, ମୁକ୍ତି, ବିଚାର, ଦ୍ୱନ୍ଦ୍ୱ, ଚଳଣି, ପରମ୍ପରା ଓ ସଂସ୍କୃତି ସମ୍ବନ୍ଧିତ ନାନାବିଧ ପ୍ରଶ୍ନର ସହଜ ଉତ୍ତର ଦେଇଥାଏ ଭାଗବତ ।



ଭାଗବତ ପଠନ ଓ ଭାଗବତ ଟୁଙ୍ଗୀ ପରମ୍ପରା ଓଡ଼ିଆ ସଂସ୍କୃତିକୁ ଦେଇଛି ଭିନ୍ନ ପରିଚୟ।

ସ୍ଥାନୀୟ ସଂସ୍କୃତି ଭବନ ସଭାଗୃହରେ କେନ୍ଦ୍ର ସାହିତ୍ୟ ଅକାଦେମି ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀର ମିଳିତ ଆନୁକୂଲ୍ୟରେ ଆୟୋଜିତ ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ରରେ ଅତିଥି ଏବଂ ଆଲୋଚକ ବୃନ୍ଦ ଏହି ମତ ପ୍ରକାଶ କରିଛନ୍ତି। ପଦ୍ମଶ୍ରୀ ଡକ୍ଟର ଅନ୍ତର୍ଯ୍ୟାମୀ ମିଶ୍ର ଏହାକୁ ଉଦଘାଟନ କରିଥିଲେ। ସାହିତ୍ୟ ଅକାଦେମିର ସଚିବ ଡକ୍ଟର କେ. ଶ୍ରୀନିବାସରାଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ । କେନ୍ଦ୍ର ସାହିତ୍ୟ ଅକାଦେମିର ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଡକ୍ଟର ଗୌରହରି ଦାସ ଉଦଘାଟନୀ ଅଧିବେଶନରେ ସଭାପତିତ୍ୱ କରିଥିଲେ। ବିଶିଷ୍ଟ ସମାଲୋଚକ ଡକ୍ଟର ପ୍ରଦୀପ୍ତ କୁମାର ପଣ୍ଡା ମୂଳ ଭାଷଣ ପ୍ରଦାନ କରିଥିଲେ । ସାହିତ୍ୟ ଅକାଦେମି କୋଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ସଭା ସଂଯୋଜନା କରିଥିବାବେଳେ ଓଡ଼ିଶା ସାହିତ୍ୟ ଏକାଡେମୀର ସହ ସଚିବ ସଂଜୟ କୁମାର ଛୁଆଳସିଂହ ଧନ୍ୟବାଦ ଦେଇଥିଲେ।

ଆଲୋଚନା ଚକ୍ରର ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ଉତ୍ତର ଓଡ଼ିଶା ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ଡକ୍ଟର ପ୍ରଫୁଲ୍ଲ କୁମାର ମିଶ୍ର। ଏହି ଅଧିବେଶନରେ ବିଶିଷ୍ଟ ସାହିତ୍ୟିକ ଦାଶ ବେନହୁର,ଡକ୍ଟର ଜୟନ୍ତୀ ରଥ,ଡକ୍ଟର ଶାନ୍ତନୁ କୁମାର ରଥ ଓ ସଭାମୁଖ୍ୟ ଡକ୍ଟର ମିଶ୍ର ପ୍ରମୁଖ ଓଡ଼ିଆ ସାହିତ୍ୟରେ ଭାଗବତର ପ୍ରଭାବ ବିଷୟରେ ଆଲୋକପାତ କରିଥିଲେ। ଆଲୋଚନାଚକ୍ରର ଦ୍ୱିତୀୟ ଅଧିବେଶନରେ ଅଧ୍ୟକ୍ଷତା କରିଥିଲେ ପ୍ରଫେସର ଯତୀନ୍ଦ୍ର କୁମାର ନାୟକ। ଆଲୋଚକ ଡକ୍ଟର କଳ୍ପତରୁ ନାୟକ,ବିଶିଷ୍ଟ ଗବେଷକ ପୀତବାସ ରାଉତରାୟ ଓ ଡକ୍ଟର ସଂଗ୍ରାମ ଜେନା ପ୍ରମୁଖ ଯୋଗଦେଇ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତର ବିଶେଷତ୍ୱ ଉପରେ ନିଜନିଜର ମତ ପ୍ରକାଶ କରିଥିଲେ।